# ଆଜି ଅନୁଗୋଳ ଜିଲ୍ଲାରୁ ୧୨ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୨୦୮୬ ରେ ପହଞ୍ଚିଲା - ସୁସ୍ଥ ହେଲେ ୪ ଜଣ ।

ଅନୁଗୋଳ, ତା. ୧୨.୦୧:- ଆଜି ଅନୁଗୋଳ ଜିଲ୍ଲାରେ ୧୨ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡ଼ିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୩ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୨୨୬ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୪ ଜଣ (୩ ଜଣ ପୁରୁଷ ଓ ୧ ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୩ଜଣ (୩ ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ ), ଅନୁଗୋଳ ବ୍ଲକ୍ ଅଂଚଳରୁ ୧ଜଣ (୧ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧ଜଣ ( ୧ ଜଣ ମହିଳା) ଓ ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧ଜଣ (୧ ଜଣ ମହିଳା) ଅଛନ୍ତି । ଆଜି କଣିହାଁ ବ୍ଲକ, ବଣ୍ଡରପାଳ ବ୍ଲକ,ତାଳଚେର ପୌରାଞ୍ଚଳ,ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ଓ କିଶୋରନଗର ବ୍ଲକ୍ ପ୍ରଭୃତି ୫ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୪ଜଣ ଯାକ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୨୫ ତା.୧୨.୦୧.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ